ODISHA POLICE
STATE HEADQUARTERS
CUTTACK.

---

# ପ୍ରେସ୍ ନୋଟ୍

## ନୂତନ ଆରକ୍ଷୀ ମହାନିର୍ଦ୍ଦେଶକଙ୍କ ଦାୟିତ୍ୱ ଗ୍ରହଣ

କଟକ ତା ୩୧.୧୨.୨୦୨୩ – ଓଡିଶା ପୋଲିସର ନୂତନ ଆରକ୍ଷୀ ମହାନିର୍ଦ୍ଦେଶକ ଭାବେ ଶ୍ରୀ ଅରୁଣ କୁମାର ଷଡଙ୍ଗୀ, ଆଇ.ପି.ଏସ ଆଜି ଅପରାହ୍ନରେ କଟକସ୍ଥିତ ରାଜ୍ୟ ପୋଲିସ ମୁଖ୍ୟ କାର୍ଯ୍ୟାଳୟଠାରେ ପୂର୍ବତନ ଡି.ଜି.ପି ଶ୍ରୀ ସୁନୀଲ କୁମାର ବଂସଲଙ୍କ ଠାରୁ ଅତିରିକ୍ତ ଦାୟିତ୍ୱ ଗ୍ରହଣ କରିଛନ୍ତି । ଶ୍ରୀ ଅରୁଣ କୁମାର ଷଡଙ୍ଗୀ ଆଇ.ପି.ଏସ ପୋଲିସ ମୁଖ୍ୟାଳୟରେ ପହଞ୍ଚିବା ପରେ ତାଙ୍କୁ ଉପସ୍ଥିତ ବରିଷ୍ଠ ଅଧିକାରୀ ମାନେ ପୁଷ୍ପଗୁଚ୍ଛ ପ୍ରଦାନ କରି ସ୍ୱାଗତ ଜଣାଇଥିଲେ । ଏହାପରେ ଡିଜିପି ଶ୍ରୀ ଷଡଙ୍ଗୀ ଶହିଦ ସ୍ମୃତି ସ୍ତମ୍ଭ ଠାରେ ମାଲ୍ୟାର୍ପଣ କରିଥିଲେ । ପରେ ସେ ଦାୟିତ୍ୱ ଗ୍ରହଣ କରିଥିଲେ ।

ଗଣମାଧ୍ୟମକୁ ନିଜର ପ୍ରତିକ୍ରିୟା ଦେଇ ଡିଜିପି ଶ୍ରୀ ଷଡଙ୍ଗୀ କହିଥିଲେ ଯେ ଓଡିଶା ପୋଲିସର ସ୍ୱତନ୍ତ୍ର ଗରିମା ଏବଂ ଗୌରବ ରହିଛି । ଗତ କିଛି ବର୍ଷ ଧରି ରାଜ୍ୟ ପୋଲିସକୁ ବିଭିନ୍ନ କ୍ଷେତ୍ରରେ ସଫଳତା ହାସଲ କରିଛି ବୋଲି କହିଥିଲେ । ପୋଲିସକୁ ସଶକ୍ତ କରିବାକୁ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକଙ୍କ ସହଯୋଗ ରହିଛି ବୋଲି ସେ କହିବା ସହ ରାଜ୍ୟ ସରକାରଙ୍କ ସହଯୋଗରେ ଆଗାମୀ ଦିନରେ ପୋଲିସ ଅଧିକ ଶକ୍ତିଶାଳୀ ହେବ । ଏହି ଅତିରିକ୍ତ ଦାୟିତ୍ୱର ସମୟ ସୀମା ମଧ୍ୟରେ ସମସ୍ତଙ୍କ ସହଯୋଗରେ ନିଜର ଦାୟିତ୍ୱ ନିର୍ବାହ କରିବେ ବୋଲି ମତବ୍ୟକ୍ତ କରିଥିଲେ । ଅପରାଧ ନିରାକରଣ, ଅପରାଧ ଅନୁସନ୍ଧାନ ଏବଂ ଆଇନ ଶୃଙ୍ଖଳା କ୍ଷେତ୍ରରେ ଯେମିତି କୌଣସି ଉଦାସୀନତା ଦେଖାନଯିବ ସେଥିପ୍ରତି ସ୍ୱତନ୍ତ୍ର ଦୃଷ୍ଟି ଦେବି ବୋଲି ପ୍ରତିକ୍ରିୟା ରଖିଥିଲେ । ସାଧାରଣ ଲୋକଙ୍କୁ ଗୁଣାତ୍ମକ ପୋଲିସ ସେବା ଯୋଗାଇଦେବା ସହ ସମାଜକୁ ଅପରାଧ ମୁକ୍ତ, ଅପରାଧ ଦମନ, ଏବଂ ସଶକ୍ତ ସମାଜ ଗଠନ ଉପରେ ଗୁରୁତ୍ୱାରୋପ କରିଥିଲେ ।

ସୂଚନାଯୋଗ୍ୟ ଯେ ୧୯୯୦ ବ୍ୟାଚର ଆଇ.ପି.ଏସ୍ ଅଧିକାରୀ ଶ୍ରୀ ଷଡଙ୍ଗୀ ବଲାଙ୍ଗୀର ଜିଲ୍ଲାର ମୂଳବାସିନ୍ଦା ଅଟନ୍ତି । ତାଙ୍କ ଚାକିରି କାଳ ମଧ୍ୟରେ ସେ ରାୟଗଡ଼ା, ଜଗତସିଂହପୁର, ବ୍ରହ୍ମପୁର, କଟକ (ରେଲୱେ), ଏଟିସି (ଏନଫୋର୍ସମେଣ୍ଟ), କୋରାପୁଟ, ଖୋର୍ଦ୍ଧା, ରାଉରକେଲା, କ୍ରାଇମବ୍ରାଞ୍ଚର ଆରକ୍ଷୀ ଅଧିକ୍ଷକ ଭାବେ କାର୍ଯ୍ୟ କରିଛନ୍ତି । ପରେ ଡିଆଇଜି ଭାବେ ଉତ୍ତର କେନ୍ଦ୍ରାଞ୍ଚଳ ରେଞ୍ଜ (ତାଳଚେର), ଅପରେସନ (ଭୁବନେଶ୍ୱର), ଆଇନ ଓ ଶୃଙ୍ଖଳା, କଟକ ଠାରେ କାର୍ଯ୍ୟ କରିଥିଲେ । ସେହିପରି ଆଇଜିପି (ଆଇନ ଓ ଶୃଙ୍ଖଳା), କଟକ ସମେତ ବିପିଏସପିଏ, ଭୁବନେଶ୍ୱରର ଅତିରିକ୍ତ ଦାୟିତ୍ୱ ତୁଲାଇ ଥିଲେ । ବିପିଏସପିଏ ର ଆଇଜିପି (ଟ୍ରେନିଂ), ଆଇଜିପି (ଅପରେସନ), (ଗୁଇନ୍ଦା), ଭିଜିଲାନ୍ସ ଭାବେ ଗୁରୁତ୍ୱପୂର୍ଣ୍ଣ ପଦପଦବୀରେ ରହି ସଫଳତାର ସହ କାର୍ଯ୍ୟ କରିଥିଲେ । ଏହାପରେ ଅତିରିକ୍ତ ଆରକ୍ଷୀ ମହାନିର୍ଦ୍ଦେଶକ (ଗୁଇନ୍ଦା) ଏବଂ ନିର୍ଦ୍ଦେଶକ (ବିପିଏସପିଏ), ଭୁବନେଶ୍ୱରରେ କାର୍ଯ୍ୟ କରୁଥିଲେ । ଏହାପରେ ତାଙ୍କର ସ୍ୱତନ୍ତ୍ର ଆରକ୍ଷୀ ମହାନିର୍ଦ୍ଦେଶକ ପଦବୀକୁ ପଦୋନ୍ନତି ହୋଇଥିଲା । ଏବେମଧ୍ୟ ସେଠାରେ ସେ ନିର୍ଦ୍ଦେଶକ (ବିପିଏସପିଏ) ଭାବେ କାର୍ଯ୍ୟରତ ଅଛନ୍ତି ।

ଦାୟିତ୍ୱ ଗ୍ରହଣ ସମୟରେ ରାଜ୍ୟ ପୋଲିସ ବହୁ ବରିଷ୍ଠ ପୋଲିସ ଅଧିକାରୀ ଓ ପୋଲିସ ମୁଖ୍ୟାଳୟର କର୍ମଚାରୀ ମାନେ ଉପସ୍ଥିତ ଥିଲେ ।

ଲୋକ ସମ୍ପର୍କ ଅଧିକାରୀ